ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail: iprsec.or@nic.in

News ID-IPR/IPR(OD)/160/30-04-2021

# ଓଡ଼ିଶା ମାନବାଧିକାର ଆୟୋଗ ଆସନ୍ତା ମଇ ୩ରୁ ୧୩ ତାରିଖ ପର୍ଯ୍ୟନ୍ତ ବନ୍ଦ ରହିବ

ଭୁବନେଶ୍ୱର, ୩୦.୦୪.୨୦୨୧

କୋଭିଡ୍-୧୯ ଦ୍ରୁତ ସଂକ୍ରମଣ ତଥା ତୋଷାଳି ଭବନଠାରେ କାର୍ଯ୍ୟରତ କର୍ମଚାରୀଙ୍କ ମୃତ୍ୟୁକୁ ଦୃଷ୍ଟିରେ ରଖି ଓଡ଼ିଶା ମାନବାଧିକାର ଆୟୋଗ ରାଜ୍ୟ ସରକାରଙ୍କ ସାଧାରଣ ପ୍ରଶାସନ ବିଭାଗର ତା.୨୯/୦୪/୨୦୨୧ରିଖର ନିର୍ଦ୍ଦେଶନାମା ୧୨୬୫୬ ଅନୁଯାୟୀ ଆସନ୍ତା ମାଇ ମାସ ୩ ତାରିଖରୁ ୧୩ ତାରିଖ ପର୍ଯ୍ୟନ୍ତ ନିର୍ଦ୍ଧାରିତ ଛୁଟି ଦିବସ ବ୍ୟତୀତ ପରବର୍ତ୍ତୀ ଆଦେଶ ପର୍ଯ୍ୟନ୍ତ ବନ୍ଦ ରହିବ ।

ଆୟୋଗର କାର୍ଯ୍ୟବନ୍ଦ ରହିଲେ ମଧ୍ୟ ସମସ୍ତ କର୍ମଚାରୀ କର୍ତ୍ତୃପକ୍ଷଙ୍କ ବିନା ଅନୁମତିରେ ସଦର ମହକୁମା ଛାଡ଼ିବେ ନାହିଁ ଏବଂ ଯେକୌଣସି ସମୟରେ ଆବଶ୍ୟକ ପଡ଼ିଲେ ନିଜ ନିଜର କାର୍ଯ୍ୟ କରିବେ । ଏହି ସମୟରେ ଅତି ଜରୁରୀ କେସ୍‌ଗୁଡ଼ିକର ଶୁଣାଣି କରାଯିବ । କାର୍ଯ୍ୟାଳୟ ଇ-ମେଲ ohrc@nic.in ମାଧ୍ୟମରେ ଅଭିଯୋଗ ପିଟିସନ୍ ଦାଖଲ କରାଯାଇ ପାରିବ । ଜରୁରୀ ଶୁଣାଣି ପାଇଁ କାର୍ଯ୍ୟାଳୟ ସହକାରୀ ରେଜିଷ୍ଟ୍ରାରଙ୍କୁ ୮୭୬୩୬୪୨୦୮୦ ମୋବାଇଲ୍ ନମ୍ବରରେ ସଂପର୍କ କରାଯାଇପାରିବ । ଅତ୍ୟଧିକ ଜରୁରୀ କାର୍ଯ୍ୟ ପାଇଁ ସଂପୃକ୍ତ ପକ୍ଷ ନିଜର ମୋବାଇଲ ନମ୍ବର ଏବଂ ଇ-ମେଲ ଆଇଡି ଦେଇ ଓଡ଼ିଶା ମାନବିକ ଅଧିକାର ଆୟୋଗ ଅଧ୍ୟକ୍ଷଙ୍କ ଅନୁମତି କ୍ରମେ ଭର୍ଚୁଆଲ ମାଧ୍ୟମରେ ନିଜର କାର୍ଯ୍ୟ କରିପାରିବେ ।

ଦୀପ୍ତିମୟୀ ମହାପାତ୍ର
ସୂଚନା ଅଧିକାରୀ